# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 226 CUTTACK, FRIDAY, FEBRUARY 5, 2021/MAGHA 16, 1942**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 11 ଡିସେମ୍ବର 2020

No. 36049—RDM-LAB-KPT-0008/2020-R&DM—ସର୍ବସାଧାରଣଙ୍କ ଅବଗତି ନିମନ୍ତେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (RFCTLAR & R Act, 2013)ର ଧାରା ୧୯ର ଅଧିନିୟମ (୧) ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍‌ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, କୋରାପୁଟଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନ୍‌ର ଧାରା ୨(୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା ରାମପାତ୍ରପୁଟ, ଥାନା ବି. ସିଙ୍ଗିପୁର ନଂ. ୪୭, ତହସିଲ ବୋରିଗୁମ୍ମା, ଜିଲ୍ଲା କୋରାପୁଟରେ ନିମ୍ନସୂଚିତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା କୋରାପୁଟ ଜିଲ୍ଲାର ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ରାମପାତ୍ରପୁଟ ଉପଶାଖା କେନାଲ ନଂ. ୧ ଖନନ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (RFCTLAR & R Act, 2013)ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୨୧୦୧୨, ତା ୩୦ ଜୁନ୍ ୨୦୨୦ରିଖରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା ରାମପାତ୍ରପୁଟ, ଥାନା ବି. ସିଙ୍ଗିପୁର ନଂ. ୪୭, ଜିଲ୍ଲା କୋରାପୁଟରେ ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ଏଥିସହିତ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www.koraput.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବ୍‌ସାଇଟ www.odisha.gov.in/revenueରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ସ୍ୱତନ୍ତ୍ର ଭୂ-ଅର୍ଜନ ତଥା ପୁନର୍ବାସ ଓ ଥଇଥାନ ଅଧିକାରୀ କୋରାପୁଟଙ୍କ କାର୍ଯ୍ୟାଳୟରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ–'କ'**

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା : କୋରାପୁଟ ତହସିଲ : ବୋରିଗୁମ୍ମା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ରାମପାତ୍ରପୁଟ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୫୦ ଏକର | ୦.୨୦ ଏକର | ଏଥିସହିତ ସଂଲଗ୍ନ |

**ତଫସିଲ–'ଖ'**

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା : କୋରାପୁଟ	ତହସିଲ : ବୋରିଗୁମ୍ମା

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ – ୧୯–୧୧–୨୦୨୦

**ଭୂମି ଅନୁସୂଚୀ**

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଖାତା ନଂ. | ପ୍ଲଟ୍ ନଂ. | ଜମିର ମୋଟ ରକବା | ଅଧିସୂଚିତ ହେବାକୁ ଥିବା ଜମିର ପରିମାଣ | ରୟତଙ୍କ ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) |
| | | | | | | ଏକର | ଏକର |
| କୋରାପୁଟ | ବୋରିଗୁମ୍ମା | ରାମପାତ୍ରପୁଟ | ୧୧୨/୪୨୯ | ୮୮/୭୨୦ | ୦.୫୦ | ୦.୨୦ | ତିଳ ଗୌଡ, ପି. ରାମ ଗୌଡ |
| | | | | ମୋଟ .. | ୦.୫୦ | ୦.୨୦ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1301–173+25